The Orissa Gazette

EXTRAORDINARY

PUBLISHED BY AUTHORITY

No. 1465 CUTTACK, THURSDAY, NOVEMBER 4, 2004 / KARTIKA 13, 1926

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 19 ଅକ୍ଟୋବର 2004

ସଂଖ୍ୟା 41007–ଏଲ୍.ଏ. (ସି)-81/2004-ଢେଙ୍କାନାଳ (3)-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରେଙ୍ଗାଲି ଜଳ ସେଚନ ଯୋଜନା ବାମ ପାର୍ଶ୍ୱ କେନାଲର ରେକୁଲା ଅନୁଶାଖା କରନାଳ ନଂ 3 ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ରେକୁଲା, ଥାନା କାମାକ୍ଷାନଗର, ଜିଲ୍ଲା ଢେଙ୍କାନାଳରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 5.170 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 44544-ରା., ତା 11 ସେପ୍ଟେମ୍ବର 2003 ରିଖ ଓ ରାଜପତ୍ର ସଂଖ୍ୟା 1497, ତା 26 ସେପ୍ଟେମ୍ବର 2003 ରିଖ ଏବଂ ଶୁଦ୍ଧିପତ୍ର ସଂଖ୍ୟା 41001, ତା 19 ଅକ୍ଟୋବର 2004 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍‌ସା, ସ୍ୱତନ୍ତ୍ର ଭୂ-ଅର୍ଜନ ପୁନଃର୍ବାସ ଓ ଥଇଥାନ ଅଧିକାରୀ, ରେଙ୍ଗାଲି ଜଳସେଚନ ଯୋଜନା, ବାଘୁଆବୋଲ, ତାଳଚେରଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

Printed and Published by the Director of Printing, Stationery and Publication, Orissa, Cuttack-10
Ex. Gaz. 990–206+25